## ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୬୪୫ ଜଣ କରୋନା ପଜିଟିଭ ଚିହ୍ନଟ

### ପଜିଟିଭ ସଂଖ୍ୟା ୨୫୩୬୫ରେ ପହଞ୍ଚିଲା - ସୁସ୍ଥ ହେଲେ ୪୨୮ ଜଣ ।

ଅନୁଗୋଳ, ତା.୧୮.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୬୪୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଡରପାଳ ବ୍ଲକ୍ ଅଂଚଳରୁ ୧୩୯ଜଣ ( ୧୦୦ଜଣ ପୁରୁଷ ଓ ୩୯ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮୮ଜଣ ( ୬୫ଜଣ ପୁରୁଷ ଓ ୨୩ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୭୦ଜଣ ( ୫୩ଜଣ ପୁରୁଷ ଓ ୧୭ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୭୦ଜଣ ( ୪୧ଜଣ ପୁରୁଷ ଓ ୨୯ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬୬ଜଣ ( ୪୦ଜଣ ପୁରୁଷ ଓ ୨୬ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୬୫ଜଣ ( ୪୧ଜଣ ପୁରୁଷ ଓ ୨୪ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୫୫ଜଣ (୨୬ ଜଣ ପୁରୁଷ ଓ ୨୯ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୩୮ ଜଣ ( ୩୦ଜଣ ପୁରୁଷ ଓ ୮ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨୪ଜଣ ( ୧୫ଜଣ ପୁରୁଷ ଓ ୯ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୫ଜଣ ( ୧୦ଜଣ ପୁରୁଷ ଓ ୫ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧୫ଜଣ(୮ଜଣ ପୁରୁଷ ଓ ୭ଜଣ ମହିଳା) ଅଛନ୍ତି ।ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୪୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୭୫୫ ରେ ପହଂଚିଛି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୯୯ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୪୨୮ ଜଣ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୩୧୪ ତା.୧୮.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ